ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୯୫ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୫୮୩୨ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୪୯ଜଣ ।

ଅନୁଗୋଳ, ତା.୦୪.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୩୯୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୧୦୩ଜଣ (୬୯ ଜଣ ପୁରୁଷ ଓ ୩୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪୯ଜଣ (୨୮ ଜଣ ପୁରୁଷ ଓ ୨୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪୬ଜଣ ( ୨୭ଜଣ ପୁରୁଷ ଓ ୧୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪୫ଜଣ ( ୨୯ଜଣ ପୁରୁଷ ଓ ୧୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୩ଜଣ (୨୩ ଜଣ ପୁରୁଷ ଓ ୨୦ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩୪ଜଣ ( ୧୯ଜଣ ପୁରୁଷ ଓ ୧୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୧ଜଣ ( ୧୭ଜଣ ପୁରୁଷ ଓ ୧୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୩ଜଣ ( ୭ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୧ଜଣ (୭ ଜଣ ପୁରୁଷ ଓ ୪ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୬ଜଣ (୬ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୧ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୪୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୨୪ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୪୮ ତା.୦୪.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ